ପ୍ରେସ୍ ନୋଟ୍

# ୭୬ ତମ ଜିଲ୍ଲା ସ୍ତରୀୟ ସ୍ୱାଧୀନତା ଦିବସ ପାଳନ ନିମନ୍ତେ ପ୍ରସ୍ତୁତି ବୈଠକ ।

ଅନୁଗୋଳ,ତା. ୨୦.୦୭:- ଗତ ୨ ବର୍ଷ ଧରି କରୋନା ସଂକ୍ରମଣ ହେତୁ ଜାତୀୟ ଦିବସ କାର୍ଯ୍ୟକ୍ରମକୁ ନିରାଡମ୍ବର ଭାବେ ପାଳନ କରାଯାଇଥିଲା । ଚଳିତ ବର୍ଷ ଜିଲ୍ଲା ସ୍ତରୀୟ ସ୍ୱାଧୀନତା ଦିବସକୁ ପୂର୍ବ ବର୍ଷ ଗୁଡିକ ଭଳି ଗତାନୁଗତିକ ଭାବେ ପାଳନ କରାଯିବା ନିମନ୍ତେ ଆଜି ଅପରାହ୍ନରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । କରୋନା ସଂକ୍ରମଣ ପାଇଁ ଯଦିଓ ସରକାରଙ୍କ ନିକଟରୁ ଅଦ୍ୟାବଧି କୌଣସି ନିୟମାବଳୀ ଆସିନାହିଁ ସେଥିପାଇଁ ଆପାତତଃ ୪୦ଟି ଦଳ ବିଭିନ୍ନ ବିଦ୍ୟାଳୟରୁ ପରେଡରେ ଅଂଶଗ୍ରହଣ କରିବେ । ଅଗଷ୍ଟ ୨ ତାରିଖରେ ସରକାରୀ ସ୍ୱୟଂ ଶାସିତ ମହାବିଦ୍ୟାଳୟ ଠାରେ ବକ୍ତୃତା ପ୍ରତିଯୋଗିତା ଓ ମହିଳା ମହାବିଦ୍ୟାଳୟ ଠାରେ ଦେଶାତ୍ମବୋଧକ କଣ୍ଠ ସଂଗୀତ ପ୍ରତିଯୋଗିତା ମହାବିଦ୍ୟାଳୟ ଛାତ୍ର ଛାତ୍ରୀମାନଙ୍କ ମଧ୍ୟରେ ଅନୁଷ୍ଠିତ ହେବ । ସେହିପରି ଅନୁଗୋଳ ଉଚ୍ଚ ବିଦ୍ୟାଳୟ ଠାରେ ଅଗଷ୍ଟ ୨ ତାରିଖରେ ଉଚ୍ଚ ବିଦ୍ୟାଳୟ ଛାତ୍ର ଛାତ୍ରୀମାନଙ୍କୁ ନେଇ ବକ୍ତୃତା ଓ ଦେଶାତ୍ମବୋଧକ କଣ୍ଠ ସଂଗୀତ ପ୍ରତିଯୋଗିତା ଅନୁଷ୍ଠିତ ହେବ । ଉଚ୍ଚ ପ୍ରାଥମିକ ଓ ପ୍ରାଥମିକ ବିଦ୍ୟାଳୟ ସ୍ତରୀୟ ବକ୍ତୃତା,ଦେଶାତ୍ମାବୋଧକ କଣ୍ଠ ସଂଗୀତ ଓ ଚିତ୍ରାଂକନ ପ୍ରତିଯୋଗିତା ଅଗଷ୍ଟ ୨ ତାରିଖରେ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଠାରେ ଅନୁଷ୍ଠିତ ହେବ । ଗତ ହାଇସ୍କୁଲ ସାର୍ଟିଫିକେଟ ପରିକ୍ଷାରେ ସର୍ବୋଚ୍ଚ ନମ୍ବର ରଖି ଉତ୍ତୀର୍ଣ୍ଣ ହୋଇଥିବା ଜଣେ ଛାତ୍ର ଓ ଜଣେ ଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯିବ । ସେହିପରି ଗତ ସି ବି ଏସ୍ ଇ ଓ ଆଇ ସି ଏସ୍ ଇ ପରିକ୍ଷାରେ ସର୍ବୋଚ୍ଚ ନମ୍ବର ରଖି ଉତ୍ତିର୍ଣ୍ଣ ହୋଇଥିବା ଜଣେ ଲେଖା ଛାତ୍ର ଓ ଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯିବ । ଏଥିପାଇଁ ବିଭିନ୍ନ ଅନୁଷ୍ଠାନ ଓ ବ୍ୟକ୍ତି ବିଶେଷ ମାଧ୍ୟମରେ ଆବଶ୍ୟକ ସହଯୋଗ ଯୋଗାଇ ଦେବାକୁ ସ୍ଥିର କରାଯାଇଛି । ସ୍ୱାଧୀନତା ଦିବସ ପାଳନ ଅବସରରେ ରକ୍ତଦାନ ଶିବିର, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ରୋଗୀମାନଙ୍କୁ ଫଳ ବଣ୍ଟନ ଓ ଜେଲର ଅନ୍ତେବାସୀମାନଙ୍କୁ ମିଷ୍ଟାନ୍ନ ବଣ୍ଟନ କରାଯିବା ନିମନ୍ତେ ବୈଠକରେ ସ୍ଥିର କରାଯାଇଛି । ସେହିପରି ଅପରାହ୍ନରେ ଷ୍ଟାଡିୟମ ଠାରେ ଏକ ପ୍ରଦର୍ଶନୀ ଫୁଟବଲ ମ୍ୟାଚ ଜିଲ୍ଲା କ୍ରୀଡା ସଂସଦ ତରଫରୁ ଆୟୋଜନ କରାଯିବା ସହ ସନ୍ଧ୍ୟାରେ ସଭାଘର ଠାରେ ଜିଲ୍ଲା ସଂସ୍କୃତି ପରିଷଦ ଆନୁକୁଲ୍ୟରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ସମସ୍ତ କାର୍ଯ୍ୟକ୍ରମକୁ ଶାନ୍ତି ଶୃଙ୍ଖଳାର ସହ ଆୟୋଜନ କରିବାରେ ଅତିରିକ୍ତ ଜିଲ୍ଲାପାଳ ସମସ୍ତଙ୍କର ସହଯୋଗ କାମନା କରିଥିଲେ । ଏହି ପ୍ରସ୍ତୁତି ବୈଠକରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡ. ତ୍ରିଲୋଚନ ପ୍ରଧାନ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ଅତିରିକ୍ତ ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଶୈଳେଶ ନାଥଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ, ସ୍ୱେଚ୍ଛାସେବୀ, ବୁଦ୍ଧିଜୀବି, ଶିକ୍ଷକ ଶିକ୍ଷୟତ୍ରୀ ପ୍ରମୁଖ ଯୋଗ ଦେଇଥିଲେ । ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଶ୍ରୀ ଦୁଃଖବନ୍ଧୁ ମାଝି ବିଗତ ବର୍ଷର ବିବରଣୀ ପାଠ କରିଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୦୫ ତା.୨୦.୦୭.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଦୁଃ ମାଝି ୨୦/୭/୨୦୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।


COURT OF THE COLLECTOR & DISTRICT MAGISTRATE
ANGUL
realme Shot on realme 9 Pro+
2022.07.20 16:25